ପ୍ରେସ୍ ନୋଟ୍

## ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଅନୁଷ୍ଠିତ ।

### ଜଣଙ୍କୁ ମୁଖ୍ୟମନ୍ତ୍ରୀ ରିଲିଫ ପାଣ୍ଠିରୁ ଚିକିତ୍ସା ନିମନ୍ତେ ୨୦ ହଜାର ଟଙ୍କାର ଆର୍ଥିକ ସହାୟତା ପ୍ରଦାନ

ଅନୁଗୋଳ,ତା. ୧୮.୦୪:- ମହାମାରୀ କରୋନା ସଂକ୍ରମଣ ହେତୁ ଗତ ୨ ବର୍ଷ ଧରି ଜନ ଶୁଣାଣି ସ୍ଥଗିତ ଥିଲା କିନ୍ତୁ ଅନ୍ ଲାଇନ୍‌ରେ ଓ ଜିଲ୍ଲାପାଳଙ୍କ ଦ୍ୱାରା ପ୍ରତ୍ୟକ୍ଷ ଭାବେ ଜନ ଶୁଣାଣି ଜାରି ରହିଥିଲା । ରାଜ୍ୟ ସରକାରଙ୍କ ସାଧାରଣ ପ୍ରଶାସନ ଓ ଜନ ଅଭିଯୋଗ ବିଭାଗର ନିର୍ଦ୍ଦେଶକ୍ରମେ ଆଜି ଠାରୁ ଆନୁଷ୍ଠାନିକ ଭାବେ ଜିଲ୍ଲାପାଳଙ୍କର ଅଭିଯୋଗ ଶୁଣାଣି ଆରମ୍ଭ ହେଲା । ସେହିପରି ବିଭିନ୍ନ ସରକାରୀ କାର୍ଯ୍ୟାଳୟର ମୁଖ୍ୟଙ୍କ ଦ୍ୱାରା ଜନ ଅଭିଯୋଗ ଶୁଣାଣି ଆଜି ଠାରୁ ଆରମ୍ଭ ହୋଇଛି । ଆଜି ପୂର୍ବାହ୍ନରେ ଜିଲ୍ଲା କାର୍ଯ୍ୟାଳୟ କୋର୍ଟ ରୁମ୍ ଠାରେ ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ଏହି ଶିବିରରେ ଆରକ୍ଷୀ ଅଧିକ୍ଷକ ଶ୍ରୀ ଜଗମୋହନ ମୀନା ଯୋଗ ଦେଇଥିଲେ । ଦାଖଲ ହୋଇଥିବା ସମୁଦାୟ ୨୨ଟି ଅଭିଯୋଗରୁ ୧୮ ଟି ବ୍ୟକ୍ତିଗତ, ୩ଟି ଗ୍ରାମ୍ୟ ଭିତ୍ତିକ ଓ ୧ଟି ମୁଖ୍ୟମନ୍ତ୍ରୀ ରିଲିଫ ପାଣ୍ଠି ସମ୍ପର୍କୀତ ଅଭିଯୋଗର ଶୁଣାଣି କରି ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସମ୍ପୃକ୍ତ ବିଭାଗୀୟ ଅଧିକାରୀଙ୍କୁ ଜିଲ୍ଲାପାଳ ପରାମର୍ଶ ଦେଇଛନ୍ତି । ମୁଖ୍ୟମନ୍ତ୍ରୀ ରିଲିଫ ପାଣ୍ଠିରୁ ଜଣଙ୍କୁ ୨୦ହଜାର ଟଙ୍କା ଆର୍ଥିକ ସହାୟତା ଚିକିତ୍ସା ନିମନ୍ତେ ପ୍ରଦାନ କରାଯାଇଛି । ଏହି ଶିବିରକୁ ଆସିଥିବା ଲୋକମାନେ ସାଧାରଣତଃ ଜମି ପଟ୍ଟା, ଶିକ୍ଷା,ରାସନ କାର୍ଡ଼,ପାନୀୟ ଜଳ ଯୋଗାଣ,ଗୋ-ଖାଦ୍ୟ ଯୋଗାଣ ଓ ବିଭିନ୍ନ ରୋଗର ଚିକିତ୍ସା ନିମନ୍ତେ ଜିଲ୍ଲାପାଳଂକ ନିକଟରେ ଅଭିଯୋଗ କରିଥିଲେ । ଏହି ଶିବିରରେ ଅନ୍ୟମାନଂକ ମଧ୍ୟରେ ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ଶ୍ରୀ ସନ୍ତୋଷ କୁମାର ପ୍ରଧାନ, ଅତିରିକ୍ତ ଜିଲ୍ଲାପାଳ(ସାଧାରଣ) ଶ୍ରୀ ରଜନୀକାନ୍ତ ସ୍ୱାଇଁ , ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥାର ପ୍ରକଳ୍ପ ନିର୍ଦ୍ଦେଶକ ଶ୍ରୀ ଦିଲ୍ଲୀପ କୁମାର ସାହୁ, ଅନୁଗୋଳ ଉପଜିଲ୍ଲାପାଳ ଶ୍ରୀ ବାସୁଦେବ ଶତପଥି,ଡେପୁଟୀ କଲେକ୍ଟର ଶ୍ରୀ ବଇତୁରା ଦିପ୍ , ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନ ସ୍ୱାସ୍ଥ୍ୟ ଅଧିକାରୀ ଡା. ତ୍ରିଲୋଚନ ପ୍ରଧାନ, ଜିଲ୍ଲା ଶିକ୍ଷା ଅଧିକାରୀ ଶ୍ରୀ ନିରଂଜନ ସାହୁ,ଡେପୁଟୀ କଲେକ୍ଟର ମନିଷା ଗୁପ୍ତା ସମେତ ବିଭିନ୍ନ ବିଭାଗର ଜିଲ୍ଲା ସ୍ତରୀୟ ଅଧିକାରୀମାନେ ଯୋଗ ଦେଇଥିଲେ ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୨୬୯ ତା. ୧୮.୦୪.୨୦୨୨ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ,ଅନୁଗୋଳ


COURT OF THE COLLECTOR & DISTRICT MAGISTRATE
ANGUL